# REGIONAL NEWS UNIT, AIR CUTTACK
## Morning Bulletin (7.05 AM)
### 3 November - 2025

# ରାଜ୍ୟପାଳ

ହିନ୍ଦୀ କେବଳ ଭାବନାର ଭାଷା ନ ହୋଇ ବିଜ୍ଞାନ, ପ୍ରଯୁକ୍ତିବିଦ୍ୟା ଓ ପ୍ରଗତିର ଭାଷା ହେବା ଆବଶ୍ୟକ ବୋଲି ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି କହିଛନ୍ତି । ଭୁବନେଶ୍ୱର ରାଜଭବନର ନିଉ ଅଭିଷେକ ହଲ୍‌ଠାରେ ଆୟୋଜିତ ସ୍ୱତନ୍ତ୍ର ସମ୍ବର୍ଦ୍ଧନା ସମାରୋହରେ ରାଜ୍ୟପାଳ କହିଛନ୍ତି, ହିନ୍ଦୀ ବିଶ୍ୱସ୍ତରରେ ଭାରତର ଆତ୍ମା ଏବଂ ମୂଲ୍ୟବୋଧର ପ୍ରତିନିଧିତ୍ୱ କରେ । ଏହି ଅବସରରେ ବିଭିନ୍ନ ସରକାରୀ ଯୋଜନା ଉପରେ ଆଧାରିତ ପୁସ୍ତକ ଉନ୍ମୋଚିତ ହୋଇଥିଲା ।

# ମୁଖ୍ୟମନ୍ତ୍ରୀଙ୍କ ଶୋକ

ଆନ୍ଧ୍ରପ୍ରଦେଶର ଶ୍ରୀକାକୁଲମ୍‌ସ୍ଥିତ ଶ୍ରୀ ଭେଙ୍କଟେଶ୍ୱର ସ୍ୱାମୀ ମନ୍ଦିରରେ ଦଳାଚକଟା ଘଟଣାରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଶୋକ ପ୍ରକାଶ କରିଛନ୍ତି । ଏଥିରେ ଗଞ୍ଜାମ ଜିଲ୍ଲାର ଗୁଡ଼ିଆପଦରର ରଙ୍ଗଲା ରୂପାଙ୍କ ମୃତ୍ୟୁ ହୋଇଥିଲା । ମୁଖ୍ୟମନ୍ତ୍ରୀ ମୃତକଙ୍କ ପରିବାରବର୍ଗଙ୍କ ପ୍ରତି ସମବେଦନା ଜଣାଇବା ସହ ମୁଖ୍ୟମନ୍ତ୍ରୀ ରିଲିଫ୍ ପାଣ୍ଠିରୁ ୬ ଲକ୍ଷ ଟଙ୍କାର ଅନୁକମ୍ପାମୂଳକ ସହାୟତା ଘୋଷଣା କରିଛନ୍ତି ।

# ଡ୍ରୋନ୍ ପରୀକ୍ଷଣ କେନ୍ଦ୍ର

ଗଞ୍ଜାମ ଜିଲ୍ଲା ରଙ୍ଗେଇଲୁଣ୍ଡା ଏୟାରଷ୍ଟ୍ରିପ୍ ଡ୍ରୋନ୍ ପରୀକ୍ଷଣ ଓ ପ୍ରଶିକ୍ଷଣ କେନ୍ଦ୍ର ସ୍ଥାପନ ପାଇଁ ରାଜ୍ୟ ସରକାର ନିଷ୍ପତ୍ତି ନେଇଛନ୍ତି । ଏଥିପାଇଁ ପରିବହନ ବିଭାଗ ପକ୍ଷରୁ ଟେଣ୍ଡର ଆହ୍ୱାନ କରାଯାଇଛି । ସୂଚନା ଅନୁସାରେ ଏଥିପାଇଁ ସରକାର ରଙ୍ଗେଇଲୁଣ୍ଡା ଏୟାରଟ୍ରିପ୍ ଭିତରେ ଜମି ଯୋଗାଇ ଦେବେ ।

# ପଞ୍ଚକ

ପୁରୀ ଶ୍ରୀମନ୍ଦିରରେ ଆଜି ପଞ୍ଚକ ବ୍ରତର ଦ୍ୱିତୀୟ ଦିନରେ ମହାପ୍ରଭୁଙ୍କ ତ୍ରିବିକ୍ରମ ବେଶ ଅନୁଷ୍ଠିତ ହେଉଛି । ମଧ୍ୟରାତ୍ରରେ ବଡ଼ସିଂହାର ବେଶ ପରେ ଗରୁଡ଼ ଉତ୍ଥାପନ ନୀତି ଅନୁଷ୍ଠିତ ହେବ । ଚଳିତବର୍ଷ ଦ୍ୱାଦଶୀ ତିଥି କ୍ଷୟ ହୋଇଥିବା ହେତୁ ମହାପ୍ରଭୁଙ୍କ ବାଙ୍କଚୂଡ଼ା ବେଶ ଅନୁଷ୍ଠିତ ହେବ ନାହିଁ । ତ୍ରିବିକ୍ରମ ବେଶରେ ମହାପ୍ରଭୁଙ୍କ ଶୃଙ୍ଖଳିତ ଦର୍ଶନ ପାଇଁ ଶ୍ରୀମନ୍ଦିର ପ୍ରଶାସନ ଓ ଜିଲ୍ଲା ପ୍ରଶାସନ ପକ୍ଷରୁ ସ୍ୱତନ୍ତ୍ର ବ୍ୟବସ୍ଥା କରାଯାଇଛି ।

କଟକ ବାବା ଧବଳେଶ୍ୱରଙ୍କ ପୀଠରେ ବଡ଼ଓଷା ପାଇଁ ସ୍ୱତନ୍ତ୍ର ନୀତିକାନ୍ତି ଅନୁଷ୍ଠିତ ହେଉଛି । ଆଜି ପ୍ରଭୁଙ୍କ ବଡ଼ସିଂହାର ବେଶ ଦର୍ଶନ ପାଇଁ ଶ୍ରଦ୍ଧାଳୁଙ୍କ ଭିଡ଼ ଲାଗିରହିଛି । ଭିଡ଼କୁ ଦୃଷ୍ଟିରେ ରଖି ପୋଲିସ୍ ପ୍ରଶାସନ ପକ୍ଷରୁ ସ୍ୱତନ୍ତ୍ର ବ୍ୟବସ୍ଥା କରାଯାଇଛି ।

# ବେଶ

ସୁବର୍ଣ୍ଣପୁର ଜିଲ୍ଲାର ପାତାଳୀ ଶ୍ରୀକ୍ଷେତ୍ରରେ ଆଜି ତ୍ରୟୋଦଶୀ ତିଥିରେ ତିନି ଠାକୁର ତ୍ରିବିକ୍ରମ ବା ଆଡ଼ିକିଆ ବେଶରେ ଶ୍ରଦ୍ଧାଳୁମାନଙ୍କୁ ଦର୍ଶନ ଦେବେ । ଗତକାଲି ତିନିଠାକୁରଙ୍କ ଲକ୍ଷ୍ମୀନାରାୟଣ ଓ ସନ୍ଧ୍ୟାରେ ବାଙ୍କଚୁଡ଼ା ବେଶ ଦେଖିବା ଲାଗି ଶ୍ରଦ୍ଧାଳୁମାନଙ୍କ ସମାଗମ ହୋଇଥିଲା । ବିନିକା ବ୍ଲକର ଚରଦା କପିଳେଶ୍ୱର ପୀଠରେ ପ୍ରସିଦ୍ଧ କୈଳାସୀ ଯାତ୍ରା ଅନୁଷ୍ଠିତ ହୋଇଯାଇଛି ।

# ଦର୍ଶନ

କାର୍ତ୍ତିକମାସର ଶେଷ ସୋମବାରରେ ନବରଙ୍ଗପୁର ଜିଲ୍ଲାର ବିଭିନ୍ନ ଶୈବପୀଠଗୁଡ଼ିକରେ ଶ୍ରଦ୍ଧାଳୁମାନେ ଶ୍ରୀମହାଦେବଙ୍କ ଦର୍ଶନ କରୁଛନ୍ତି । ଜିଲ୍ଲାର ପାପଡ଼ାହାଣ୍ଡି, ତେନ୍ତୁଲିଖୁଣ୍ଟି, ଭତରା, ଝରିଗାଁ, ଡାବୁଗାଁ ଓ ରାଇଘର ଅଞ୍ଚଳରେ ଥିବା ଶୈବପୀଠଗୁଡ଼ିକ ଏଥିଲାଗି ସ୍ୱତନ୍ତ୍ର ବ୍ୟବସ୍ଥା କରାଯାଇଛି । ଦକ୍ଷିଣାଞ୍ଚଳ ରାଜସ୍ୱ କମିଶନଙ୍କ ପକ୍ଷରୁ ଆଜି ସ୍ଥାନୀୟ ଛୁଟି ଘୋଷଣା କରାଯାଇଥିବାରୁ ସରକାରୀ କାର୍ଯ୍ୟାଳୟ ବନ୍ଦ ରହିବ ବୋଲି ଜଣାପଡ଼ିଛି ।

# ପଥୋତ୍ସବ

କଟକର ଐତିହାସିକ ବାଲିଯାତ୍ରା ଆସନ୍ତା ୫ ତାରିଖ ବୁଧବାରଠାରୁ ଆରମ୍ଭ ହେବ । ଏହା ପୂର୍ବରୁ ଗତକାଲି ପଥୋତ୍ସବ ଅନୁଷ୍ଠିତ ହୋଇଯାଇଛି । ଉପର ବାଲିଯାତ୍ରା ପଡ଼ିଆରେ ଆୟୋଜିତ ପଥୋତ୍ସବରେ ବିଭିନ୍ନ

ସାଂସ୍କୃତିକ କାର୍ଯ୍ୟକ୍ରମ କରାଯାଇଥିଲା । କାର୍ଯ୍ୟକ୍ରମରେ କେନ୍ଦ୍ରାଞ୍ଚଳ ରାଜସ୍ୱ ଆୟୁକ୍ତ ଗୁହା ପୁନମ୍ ତାପସକୁମାର ଯୋଗଦେଇ ଏଭଳି କାର୍ଯ୍ୟକ୍ରମ କଟକ ସହରର ଭାଇଚାରାକୁ ଆହୁରି ସୁଦୃଢ଼ କରିବାରେ ସହାୟକ ହେବ ବୋଲି କହିଛନ୍ତି ।

# ଇକୋ ରିଟ୍ରିଟ୍

ରାଜ୍ୟ ପର୍ଯ୍ୟଟନ ବିଭାଗ ପକ୍ଷରୁ ଆସନ୍ତା ୧୫ତାରିଖରୁ ଦାରିଙ୍ଗିବାଡ଼ି, ହୀରାକୁଦ, ସାତକୋଶିଆ, ଭିତରକନିକା, ପତିସୋନାପୁର ଏବଂ କୁଟସିଲ୍ ଇକୋ ରିଟ୍ରିଟ୍‌ର ଶୁଭାରମ୍ଭ ହେବ । ଏଥିପାଇଁ ବିଭାଗ ପକ୍ଷରୁ ଅନ୍‌ଲାଇନ୍‌ରେ ବୁକିଂ ଆରମ୍ଭ ହୋଇଯାଇଛି । ତେବେ କୋଣାର୍କରେ ଆସନ୍ତା ମାସ ୧୩ ତାରିଖରୁ ଇକୋରିଟ୍ରିଟ୍ ହେବ ବୋଲି ଜଣାପଡ଼ିଛି ।

# ଜନ ଅଭିଯୋଗ ଶୁଣାଣି ବନ୍ଦ

ମୁଖ୍ୟମନ୍ତ୍ରୀଙ୍କ ଜନଅଭିଯୋଗ ଶୁଣାଣି ଆଜି ବନ୍ଦ ରହିଛି । ଜନସାଧାରଣଙ୍କୁ ପରବର୍ତ୍ତୀ ଅଭିଯୋଗ ଶୁଣାଣିର ତାରିଖ ବିଷୟରେ ଅବଗତ କରାଯିବ ବୋଲି ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ପକ୍ଷରୁ କୁହାଯାଇଛି ।

# ଯୋଗ ଶିବିର

ଭଦ୍ରକ ଜିଲ୍ଲା ଧାମନଗରଠାରେ ବରିଷ୍ଠ ନାଗରିକମାନଙ୍କ ପକ୍ଷରୁ ଯୋଗ ଶିବିର ଅନୁଷ୍ଠିତ ହୋଇଯାଇଛି । ଯୋଗ ପ୍ରଶିକ୍ଷକମାନେ ବରିଷ୍ଠ

ନାଗରିକମାନଙ୍କୁ ଯୋଗ ଉପରେ ଶିକ୍ଷାଦେବା ସହ ଶରୀରକୁ ନିରୋଗ ରଖିବାର ଉପାୟଗୁଡ଼ିକ ସଂପର୍କରେ ଆଲୋଚନା କରିଥିଲେ ।

## କ୍ରୀଡ଼ା ପ୍ରତିଯୋଗିତା

ନବରଙ୍ଗପୁର ଜିଲ୍ଲାରେ ଦ୍ୱାଦଶ ବିଦ୍ୟାଳୟ ସମୂହ କ୍ରୀଡ଼ା ପ୍ରତିଯୋଗିତା ଉଦ୍‌ଯାପିତ ହୋଇଛି । ୧୪ବର୍ଷରୁ କମ୍ ଓ ୧୭ ବର୍ଷରୁ କମ୍ ବୟସ ବର୍ଗରେ ବିଭିନ୍ନ ପ୍ରତିଯୋଗିତାର ବିଜେତାମାନଙ୍କୁ ପୁରସ୍କୃତ କରାଯାଇଛି । ବିଜେତାମାନେ ଆଗାମୀ ଦିନରେ ହେବାକୁ ଥିବା ରାଜ୍ୟସ୍ତରୀୟ ପ୍ରତିଯୋଗିତାରେ ଭାଗ ନେବେ ବୋଲି ଜଣାପଡ଼ିଛି ।

## କ୍ରିକେଟ୍

ଭାରତ ଦିନିକିଆ ମହିଳା କ୍ରିକେଟ୍ ବିଶ୍ୱକପ୍‌ରେ ଚାମ୍ପିୟାନ୍ ହୋଇଛି । ନବୀମୁମ୍ବାଇର ଡି.ୱାଇ ପାଟିଲ ଷ୍ଟାଡିୟମରେ ଗତକାଲି  ଭାରତ ଓ ଦକ୍ଷିଣଆଫ୍ରିକା ମଧ୍ୟରେ ଖେଳାଯାଇଥିବା ମ୍ୟାଚ୍‌ରେ ଭାରତ’ ଦକ୍ଷିଣଆଫ୍ରିକାକୁ ୫୨ ରନ୍‌ରେ ପରାସ୍ତ କରିଛି । ଭାରତ ପକ୍ଷରୁ ସ୍ମୃତି ମନ୍ଧାନା ଓ ଶେଫାଳି ବର୍ମାଙ୍କ ଶତକୀୟ ଭାଗିଦାରୀ ବଳରେ ଭାରତ ୫୦ ଓଭର୍‌ରେ ୭ ୱିକେଟ୍ ହରାଇ ୨୯୮ ରନ୍ ସଂଗ୍ରହ କରିଥିଲା । ଦକ୍ଷିଣ ଆଫ୍ରିକା ୪୫ ଦଶମିକ ୩ ଓଭର୍‌ରେ ୨୪୬ ରନ୍ କରି ଅଲ୍‌ଆଉଟ୍ ହୋଇଯାଇଥିଲା । ଭାରତ ପକ୍ଷରୁ ଦୀପ୍ତି ଶର୍ମା ସର୍ବାଧିକ ୫ଟି ୱିକେଟ୍ ଅକ୍ତିଆର କରିଥିଲେ ।

ଭାରତୀୟ ମହିଳା କ୍ରିକେଟ୍ ଦଳର ଏହି ସଫଳତା ପାଇଁ ରାଷ୍ଟ୍ରପତି, ପ୍ରଧାନମନ୍ତ୍ରୀ ଏବଂ ମୁଖ୍ୟମନ୍ତ୍ରୀଙ୍କ ସହ ଅନ୍ୟ ବିଶିଷ୍ଟ ବ୍ୟକ୍ତିମାନେ ଶୁଭେଚ୍ଛା ଜଣାଇଛନ୍ତି ।